ପ୍ରେସ୍‌ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୩୫ ଜଣ କରୋନା ପଜିଟିଭ ଚିହ୍ନଟ -

### ପଜିଟିଭ ସଂଖ୍ୟା ୧୧୩୩୦ ରେ ପହଞ୍ଚିଲା - ସୁସ୍ଥ ହେଲେ ୨୯ ଜଣ ।

ଅନୁଗୋଳ, ତା,୧୩.୧୨:- ଆଜି ଅନୁଗୋଳ ଜିଲ୍ଲାରେ ୩୫ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି ।ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ବାବ ନମୁନା ଦେଇଥିବା ବ୍ୟକ୍ତିମାନଂକ ମଧ୍ୟରୁ ୧ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଂକ ସଂଖ୍ୟା ୧୯୮ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ବଅଁରପାଳ ବ୍ଲକ୍ ଅଂଚଳରୁ ୧୧ଜଣ ( ୯ଜଣ ପୁରୁଷ ଓ ୨ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୯ଜଣ (୫ ଜଣ ପୁରୁଷ ଓ ୪ଜଣ ମହିଳା),ତାଳଚେର ବ୍ଲକ୍ ଅଂଚଳରୁ ୫ ଜଣ (୩ ଜଣ ପୁରୁଷ ଓ୨ ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୪ଜଣ ( ୨ଜଣ ପୁରୁଷ ଓ ୨ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୩ଜଣ ( ୩ଜଣ ପୁରୁଷ), କଣିହାଁ ବ୍ଲକ୍ ଅଂଚଳରୁ ୧ଜଣ ( ୧ ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୧ଜଣ ( ୧ଜଣ ପୁରୁଷ ) ଓ ପାଲଲହଡା ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଂକ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ଆଜି କିଶୋରନଗର ବ୍ଲକ୍, ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦ ଓ ଆଠମଲ୍ଲିକ ବ୍ଲକରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ବାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୨୯ଜଣ ସୁସ୍ଥ ହୋଇଛନ୍ତି । ସେମାନଂକ ମଧ୍ୟରେ ୫ଜଣ କୋଭିଡ ହସପିଟାଲରୁ ଓ ୨୪ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୮୦୬ ତା.୧୩.୧୨.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

(signature) ୧୩/୧୨/୨୦୨୦

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ